# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 4297 CUTTACK, FRIDAY, OCTOBER 3, 2025/ASWINA 11, 1947**


## ମାଲକାନଗିରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ମାଲକାନଗିରି

ଘୋଷଣା।

ତାରିଖ ୨୩ ସେପ୍ଟେମ୍ବର ୨୦୨୫

ସଂଖ୍ୟା। ୨୪୯୪/୨୦୨୫—ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013) ର ଧାରା ୧୯ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ, ଉକ୍ତ ଆଇନର ଧାରା ୧୫ (୨) ଅନୁସାରେ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ରାଜ୍ୟ ସରକାରଙ୍କୁ ଏହି ଆଇନର ଧାରା ୨ (୧) ପ୍ରକାରେ ପ୍ରତୀତ ହେଉଅଛି ଯେ ମୌଜା କବାସୀଗୁଡା, ଥାନା ମାଥିଲି, ତହସିଲ ମାଥିଲି, ଜିଲ୍ଲା ମାଲକାନଗିରିରେ ନିମ୍ନସୂଚିତ 'କ' ତଫସିଲ ଜମି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା ଜୟପୁର- ମାଲକାନଗିରି ନୂତନ ଓସାରିଆ ରେଳ ସଂଯୋଗିକରଣ ପ୍ରକଳ୍ପ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013) ର ଧାରା ୧୧ (୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୩୪/୨୦୨୪, ତା ୧୩ ଫ୍ରେବୃଆରୀ ୨୦୨୪ ରିଖ ରେ ପ୍ରକାଶିତ ହୋଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ, ମୌଜା କବାସୀଗୁଡା, ଥାନା ମାଥିଲି, ତହସିଲ ମାଥିଲି, ଜିଲ୍ଲା ମାଲକାନଗିରିର ଜୟପୁର- ମାଲକାନଗିରି ନୂତନ ଓସାରିଆ ରେଳ ସଂଯୋଗିକରଣ ପ୍ରକଳ୍ପ ନିମନ୍ତେ କୌଣସି ବିସ୍ଥାପିତ ପରିବାର ନଥିବାରୁ ପୁନର୍ବାସ ଓ ଥଇଥାନ ନିମନ୍ତେ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇ ନାହିଁ । ଏହା ମଧ୍ୟ ଜିଲ୍ଲା ୱେବସାଇଟ www.malkangiri.odisha.gov.inରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପଲୋଡ଼ କରାଯାଇଅଛି । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀ, ଜୟପୁର-ମାଲକାନଗିରି ନୂତନ ଓସାରିଆ ରେଳ ସଂଯୋଗିକରଣ ପ୍ରକଳ୍ପ ତଥା ତହସିଲଦାର, ମାଥିଲିଙ୍କ ତହସିଲ କାର୍ଯ୍ୟାଳୟ ମାଥିଲିଠାରେ କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ତଫସିଲ-କ

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା- ମାଲକାନଗିରି ତହସିଲ- ମାଥିଲି

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ ନଂ. | କିସମ | ପ୍ଲଟର ମୋଟ ରକବା | ଅଧିଗ୍ରହଣ ହବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| କବାସିଗୁଡା | ଗ୍ରାମାଞ୍ଚଳ | ଅଧିଗ୍ରହଣ ହେବାକୁ ଥିବା ଜମିର ସମ୍ପୂର୍ଣ୍ଣ ବିବରଣୀ ଏଥିସହ ସଂଲଗ୍ନ କରାଗଲା । | | | | | |

ତଫସିଲ–ଖ

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ଜିଲ୍ଲା–ମାଲକାନଗିରି ତହସିଲ–ମାଥିଲି

| ଗ୍ରାମର ନାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ ନଂ. | କିସମ | ପ୍ଲଟର ମୋଟ ରକବା | ଅଧିଗ୍ରହଣ ହବାକୁ ଥିବା ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ ନୁହେଁ | | | | | | | |

ଅଧିସୂଚନା ବୈଧ ତାରିଖ : ଅଧିସୂଚନା ପ୍ରକାଶିତ ହେବାର ୩୦ ଦିନ ଠାରୁ ଛଅ ମାସ ମଧ୍ୟରେ ।

ଭୂମି ଅନୁସୂଚୀ

ମୌଜା : କବାସିଗୁଡା, ଥାନା ମାଥିଲି , ନଂ. ୪୭, ତହସିଲ ମାଥିଲି, ଜିଲ୍ଲା ମାଲକାନଗିରି, ଜୟପୁର-ମାଲକାନଗିରି ନୂତନ ଓସାରିଆ ରେଳପଥ ପ୍ରକଳ୍ପ, ଜୟପୁର ନିର୍ମାଣ ନିମନ୍ତେ ।

| ଖାତା ନଂ. | ପ୍ଲଟ ନଂ. | ମୋଟ ରକବା (ଏକର) | ଅଧିଗ୍ରହଣ ରକବା (ଏକର) | କିସମ | ରୟତଙ୍କ ନାମ |
|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ |
| ୧୮/୧୦ | ୪୫/୨୫୭ | ୦.୮୧୫ | ୦.୨ | ଧାନ ଏକ | ନିଳକଣ୍ଠ କୁଆସି, ପି. ଘେନା କୁଆସି, ଜା. ଭୂମିଆ. ବା. ନିଜଗାଁ । |
| ୧୮/୧୧ | ୪୫/୨୫୨ | ୦.୬୯୨ | ୦.୧୨୨ | ଧାନ ଏକ | ରାମ କୁଆସି, ପି. ଘେନା କୁଆସି, ଜା. ଭୂମିଆ, ବା. ନିଜଗାଁ । |
| | ମୋଟ | | ୦.୩୨୨ | | |

ରାଜ୍ୟପାଳଙ୍କ ଆଦେଶକ୍ରମେ

**ସୋମେଶ କୁମାର ଉପାଧ୍ୟାୟ**

ଜିଲ୍ଲାପାଳ

Printed and Published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 3507—173+4